ପ୍ରେସ୍‌ନୋଟ୍

# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

୨ ଜଣଙ୍କୁ ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୧୦ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ ।

ଅନୁଗୋଳ,ତା.୧୨.୯:- ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୭୬ଟି ଅଭିଯୋଗରୁ ୬୮ଟି ବ୍ୟକ୍ତିଗତ, ୮ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୨ଜଣଙ୍କୁ ୧୦ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ଏହାଛଡା ଅଭିଯୋଗ ହୋଇଥିବା ସମୁଦାୟ ୭୬ଟି ଅଭିଯୋଗ ମଧ୍ୟରୁ ୪ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ବିସ୍ଥାପିତ ପରିବାରଙ୍କୁ ନିଯୁକ୍ତି,ଶିକ୍ଷା, ଜମି ସୀମା ନିର୍ଦ୍ଧାରଣ, ଭିନ୍ନକ୍ଷମ ଭତ୍ତା ପ୍ରଦାନ, ଚିକିତ୍ସା ସହାୟତା ସମେତ ପାନୀୟ ଜଳ,କୃଷି, ଅବସରକାଳିନ ଭତ୍ତା ଓ କଳାକାର ଭତ୍ତା ପ୍ରଦାନ ଭଳି ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ,ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବଇତୁରା ଦିପ୍, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ,ଅନୁଗୋଳ ତହସିଲଦାର ଶ୍ରୀ ବିମଳ କୁମାର ଲେଙ୍କା, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।


realme
Shot on realme 9 Pro+
2022.09.12 11:03